ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/SME(OD)/984/17-09-2021

## ମାଧ୍ୟମିକ ଶିକ୍ଷାନୁଷ୍ଠାନଗୁଡ଼ିକରେ ହିନ୍ଦୀ, ସଂସ୍କୃତ ଏବଂ ଶାରୀରିକ ଶିକ୍ଷା ଶିକ୍ଷକଙ୍କ ନିଯୁକ୍ତି ନିମନ୍ତେ ପରୀକ୍ଷା ତାରିଖ ଘୋଷଣା

**ଭୁବନେଶ୍ୱର : ୧୭ ସେପ୍ଟେମ୍ବର , ୨୦୨୧**

ରାଜ୍ୟର ମାଧ୍ୟମିକ ଶିକ୍ଷାନୁଷ୍ଠାନଗୁଡ଼ିକରେ ହିନ୍ଦୀ, ସଂସ୍କୃତ ଏବଂ ଶାରୀରିକ ଶିକ୍ଷା ଶିକ୍ଷକମାନଙ୍କ ନିଯୁକ୍ତି ନିମନ୍ତେ ଆସନ୍ତା ଅକ୍ଟୋବର ୪ ଓ ୫ ଦୁଇଦିନ ଧରି ପରୀକ୍ଷା ଅନୁଷ୍ଠିତ ହେବ । ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଆନୁକୂଲ୍ୟରେ ଅନୁଷ୍ଠିତ ଏକ ଉଚ୍ଚସ୍ତରୀୟ ବୈଠକରେ ଉପରୋକ୍ତ ନିଷ୍ପତ୍ତି ନିଆଯାଇଛି ।

ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ସତ୍ୟବ୍ରତ ସାହୁଙ୍କ ଅଧକ୍ଷତାରେ ଅନୁଷ୍ଠିତ ଏକ ବୈଠକରେ ନିଯୁକ୍ତି ସଂପର୍କିତ ଆଲୋଚନା ହୋଇଛି । ଗତ ଅଗଷ୍ଟ ୧୩ ତାରିଖରେ ଏହି ସଂକ୍ରାନ୍ତରେ ନିଯୁକ୍ତି ବିଜ୍ଞାପନ ପ୍ରକାଶ ପାଇଥିଲା । ବିଜ୍ଞାପନ ଅନୁସାରେ ଆସନ୍ତା ଅକ୍ଟୋବର ୪ ତାରିଖ ଦିନ ହିନ୍ଦୀ ଓ ସଂସ୍କୃତ ଶିକ୍ଷକ ଏବଂ ୫ ତାରିଖରେ ଶାରୀରିକ ଶିକ୍ଷା ଶିକ୍ଷକମାନଙ୍କ ନିମନ୍ତେ ପରୀକ୍ଷା ଅନୁଷ୍ଠିତ ହେବ । ରାଜ୍ୟର ୨୪ ଗୋଟି ଜିଲ୍ଲାରେ ଏହି ପରୀକ୍ଷା ଅନୁଷ୍ଠିତ ହେବ । ପରୀକ୍ଷାର୍ଥୀମାନେ ଚଳିତ ମାସ ୨୫ ତାରିଖ ଠାରୁ ପ୍ରବେଶ ପତ୍ର (ଆଡ୍‌ମିଟ୍ କାର୍ଡ) ଡାଉନ୍‌ଲୋଡ଼ କରିପାରିବେ । ଏ ସଂପର୍କରେ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ତରଫରୁ ତା.୧୭/୦୯/୨୦୨୧ରିଖରେ ୱେବ୍‌ସାଇଟ୍‌ର ବିଜ୍ଞପ୍ତି ପ୍ରକାଶିତ ହୋଇଛି ।

ପରୀକ୍ଷା କେନ୍ଦ୍ରଗୁଡ଼ିକରେ କୋଭିଡ୍ ମାର୍ଗଦର୍ଶିକାର ଅନୁପାଳନ ସହିତ ସିସିଟିଭି କ୍ୟାମେରାର ବ୍ୟବସ୍ଥା କରିବାକୁ ପ୍ରମୁଖ ଶାସନ ସଚିବ ଶ୍ରୀ ସାହୁ ନିର୍ଦ୍ଦେଶ ଦେଇଛନ୍ତି । ଏହି ବୈଠକରେ ବିଭାଗର ଅତିରିକ୍ତ ଶାସନ ସଚିବ ଶ୍ରୀ ରଘୁରାମ ଆୟାରଙ୍କ ସମେତ ବରିଷ୍ଠ ପଦାଧିକାରୀବୃନ୍ଦ ଉପସ୍ଥିତ ଥିଲେ ।

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ